# ଅଦାଲତ, ତହସିଲଦାର, ହେମଗିର,

**ଇସ୍ତିହାର**

ଏତଦ୍ବାରା ମୌଜା ଟୋପରିଆ, ଥାନା –ହେମଗିର, ଜିଲ୍ଲା ସୁନ୍ଦରଗଡ ର ସର୍ବସାଧାରଣ ଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ **ଚିପ ଜେନେରାଲ ମେନେଜର, ଇଡକୋ, ଭୁବନେଶ୍ୱର** ନିମ୍ନ ତଫସିଲ ଭୁକ୍ତ ସରକାରୀ ଜମି କୁ ଶିଳ୍ପାନୁଷ୍ଠାନ ଏବଂ ଖଣି ଉଦ୍ଦେଶ୍ୟରେ ନିଜ ନାମେ ଲିଜ ସୂତ୍ରେ ବନ୍ଦୋବସ୍ତ କରାଯିବାପାଇଁ ଅତ୍ର ଅଦାଲତ ରେ ଦରଖାସ୍ତ ସହ ଆବେଦନ କରିଥିବାରୁ ତାହା ଅତ୍ର ଅଦାଲତରେ ବିଚାରାଧିନ ଅଛି। ଏଣୁ ଉଲ୍ଲେଖିତ ପରିବର୍ତ୍ତନ ସଂକ୍ରାନ୍ତରେ ଯଦି କୌଣସି ବ୍ୟକ୍ତି ବିଶେଷାଙ୍କ ତତ୍ ସମନ୍ଧିୟ ଆପତ୍ତି ଅଭିଯୋଗ ଥାଏ, ତେବେ ଏହି ଇସ୍ତିହାର ଜାରି ହେବାର ୧୫ (ପନ୍ଦର) ଦିନ ମଧରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ (ସରକାରୀ ଛୁଟୀଦିନ ବ୍ୟତୀତ) ଲିଖିତାକାରରେ ଆବଶ୍ୟକୀୟ କୋର୍ଟଫିସ୍ ସହ ଆପତ୍ତି ଦାଏର କରିପାରିବେ । ଧାର୍ଯ ସମୟ ଗତେ କୌଣସି ଆପତ୍ତି ଅଭିଯୋଗ ଅଗ୍ରାହ୍ୟ ହେବ ତଥା ଆଇନାନୁଯାୟୀ ପରବର୍ତ୍ତୀ କାର୍ଯାନୁଷ୍ଠାନ ଗ୍ରହଣ କରାଯିବ ।

| ଗ୍ରାମ | ଖାତା ନଂ | ପ୍ଲଟ ନଂ | କିସମ | ରକବା |
|---|---|---|---|---|
| ଟୋପରିଆ | ୪୬୦ | ୨୪୬୯ | ଗୋଚର | ୦.୨୨ |
| | | ୨୬୬୦ | ଗୋଚର | ୪୦.୨୦ |
| *ମୋଟ* | | | | *ଏ. ୪୦.୪୨* |

ତହସିଲଦାର, ହେମଗିର
TAHASILDAR
HEMGIR

ଜ୍ଞାପକ ସଂଖ୍ୟା 2265 ତା: 29.7.25

ଏହାର ଏକକିତା ନକଲ **ସରପଞ୍ଚ, ଟୋପରିଆ ଗ୍ରାମପଞ୍ଚାୟତଙ୍କ** ଅବଗତି ତଥା ସର୍ବସାଧାରଣଙ୍କ ବହୁଳ ପ୍ରଚାର ନିମନ୍ତେ ଏବଂ ଏକ ନକଲ ସଂପୃକ୍ତ ଗ୍ରାମର ଦୃସ୍ୟମାନ ସ୍ଥାନରେ ଜନସାଧାରଣଙ୍କ ଅବଗତି ନିମନ୍ତେ ଲଟକାଜାରୀ ପାଇଁ ପ୍ରେରଣ କରାଗଲା ଏବଂ ଗ୍ରାମରେ ଡେଙ୍ଗୁରା/ମାଇକ ବଜାଇ ପ୍ରଚାର ପାଇଁ ଆଦେଶ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯାଳୟ, ହେମେଗିର ନୋଟିସ ବୋର୍ଡରେ ସର୍ବସାଧାରଣଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ଲଟକାଜାରୀ କରାଗଲା ।

ପୁନଶ୍ଚ ଏହାର ଏକକିତା ନକଲ **Dist e-Governance Manager, ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ସୁନ୍ଦରଗଡ** ଙ୍କ ଅବଗତି ନିମନ୍ତେ ପଠାଗଲା ଓ ବହୁଳ ପ୍ରଚାର ନିମନ୍ତେ **sundargarh.odisha.gov.in** ୱେବସାଇଟ ରେ ଅପଲୋଡ ନିମନ୍ତେ ଅନୁରୋଧ କରାଗଲା ।

ତହସିଲଦାର, ହେମଗିର
TAHASILDAR
HEMGIR